ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/Cooperation (OD))/1392/05-03-2021**

# ଭଦ୍ରକ ଜିଲ୍ଲାର ମାଳଦା ସେବା ସମବାୟ ସମିତିର ସଂପାଦକ ନିଲମ୍ବିତ
## ଡାଟା ଏଣ୍ଟ୍ରି ଅପରେଟର କାର୍ଯ୍ୟରୁ ବହିଷ୍କୃତ

ଭୁବନେଶ୍ୱର, ତା.୦୫/୦୩/୨୦୨୧

ଧାନକିଣାରେ ଅନିୟମିତତା ଏବଂ ବିଭାଗ ଦ୍ୱାରା ଜାରି କରାଯାଇଥିବା ଧାନକିଣା ସଂପର୍କିତ ନିର୍ଦ୍ଦେଶାବଳୀର ଉଲ୍ଲଂଘନ ଅଭିଯୋଗରେ ଭଦ୍ରକ ଜିଲ୍ଲା ଅନ୍ତର୍ଗତ ମାଳଦା ସେବା ସମବାୟ ସମିତିର ଭାରପ୍ରାପ୍ତ ସଂପାଦକ ମଦନମୋହନ ସାହୁଙ୍କୁ କାର୍ଯ୍ୟରୁ ନିଲମ୍ବନ କରାଯାଇଛି । ଏଥି ସହିତ ସମିତିର ଡାଟା ଏଣ୍ଟ୍ରି ଅପରେଟର ଧୀରେନ୍ଦ୍ର କୁମାର ଧଳଙ୍କୁ କାର୍ଯ୍ୟରୁ ବହିଷ୍କୃତ କରାଯାଇଛି । ନିଲମ୍ବନ ଆଦେଶ ତୁରନ୍ତ କାର୍ଯ୍ୟକାରୀ କରାଯାଇଛି ।

ଭଦ୍ରକ ଜିଲ୍ଲାପାଳଙ୍କ ନିର୍ଦ୍ଦେଶ କ୍ରମେ ମାଳଦା ସମିତିରେ ଧାନକିଣାର ଅନିୟମିତତା ସଂପର୍କରେ ଯୁଗ୍ମକମିଟି ଦ୍ୱାରା ଯାଞ୍ଚ କରାଯିବା ପରେ ଉପରୋକ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି ବୋଲି ବିଭାଗୀୟ ସୂତ୍ରରୁ ପ୍ରକାଶ ।

ତାପସ ସାହା
ସୂଚନା ଅଧିକାରୀ